# ପାତ୍ରପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ରୋଟାରୀ ଇଷ୍ଟ ତରଫରୁ ଗର୍ଭବତୀଙ୍କୁ ପୁଷ୍ଟିକର ଖାଦ୍ୟ ବଣ୍ଟନ



ବ୍ରହ୍ମପୁର,୯।୭ (ଆନିସ): ଜାତୀୟ ଶିଶୁ ଓ ମାତୃ ସ୍ୱାସ୍ଥ୍ୟ ସୁରକ୍ଷା ମାସ ଅବସରରେ ପାତ୍ରପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଠାରେ ରୋଟାରୀ କ୍ଲବ ଅଫ୍ ବ୍ରହ୍ମପୁର ଇଷ୍ଟ ତରଫରୁ ଗର୍ଭବତୀ ମହିଳାମାନଙ୍କୁ ପୁଷ୍ଟିକର ଖାଦ୍ୟ ବଣ୍ଟନ କରଯାଇଥିଲା। ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ସୁପରିଟେଣ୍ଡେଣ୍ଟ ଡାକ୍ତର ସସ୍ମିତ ବେବ୍ ରାୟଙ୍କ ପ୍ରତ୍ୟକ୍ଷ୍ୟ ତତ୍ତ୍ୱାବଧାନରେ ସ୍ୱାସ୍ଥ୍ୟକେନ୍ଦ୍ରରେ ଉପସ୍ଥିତ ପ୍ରାୟ ଏକ ଶହ ଗର୍ଭବତୀଙ୍କୁ କ୍ଲବର ସଭାପତି ଜୟନ୍ତ କିଶୋର ପାତ୍ରଙ୍କ ନେତୃତ୍ୱରେ ପୁଷ୍ଟିକର ଖାଦ୍ୟ ବଣ୍ଟନ କରାଯାଇଥିଲା। ପୂର୍ବତନ ସଭାପତି ଅଜିତ କୁମାର ପୃଷ୍ଟି,ପ୍ରଦୀପ କୁମାର ପଣ୍ଡା,କାମରାଜୁ ମହାରଣା,ନାରସୁ ଜେନା,ସଂପାଦକ ଏସ୍.ଦୁର୍ଗା ରାଓ, ଶାନ୍ତନୁ କୁମାର ପାତ୍ର ପ୍ରମୁଖ ସହଯୋଗ କରିଥିଲେ। ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଡାକ୍ତର ସମୀର ବାଗ ଓ ଅନ୍ୟାନ୍ୟ କର୍ମଚାରୀ ଉକ୍ତ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।